# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 19 June – 2025

*********************************

## ମୁଖ୍ୟ ସମ୍ବାଦ

- ରାଜ୍ୟରେ ବିଜେପି ସରକାରଙ୍କ ଏକ ବର୍ଷ ପୂର୍ତ୍ତି ପାଳନ ଅବସରରେ ଆସନ୍ତାକାଲି ଓଡ଼ିଶା ଗସ୍ତରେ ଆସୁଛନ୍ତି ପ୍ରଧାନମନ୍ତ୍ରୀ

– ୧୯ ହଜାର କୋଟି ଟଙ୍କାର ଉନ୍ନୟନମୂଳକ ପ୍ରକଳ୍ପର କରିବେ ଶିଳାନ୍ୟାସ ଓ ଉଦ୍‌ଘାଟନ

- ରାଜ୍ୟରେ ଡାଇରିଆ ସ୍ଥିତି ନିୟନ୍ତ୍ରଣାଧୀନ ରହିଛି; କହିଲେ ସ୍ୱାସ୍ଥ୍ୟମନ୍ତ୍ରୀ
- ବିଶ୍ୱ ପ୍ରସିଦ୍ଧ ପୁରୀ ରଥଯାତ୍ରାର ଶୃଙ୍ଖଳିତ ଆୟୋଜନ ନେଇ ସମୀକ୍ଷା କଲେ ମନ୍ତ୍ରିସ୍ତରୀୟ କମିଟି

ଏବଂ

- ଅନ୍ତର୍ଜାତୀୟ ଯୋଗ ଦିବସ ପାଳନ ପାଇଁ ମନ୍ତ୍ରୀମାନଙ୍କୁ ବିଭିନ୍ନ ଜିଲ୍ଲା ଦାୟିତ୍ୱ ଦେଲେ ରାଜ୍ୟ ସରକାର

***BBSR/R***

# ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ

ରାଜ୍ୟରେ ବିଜେପି ସରକାରଙ୍କ ଏକବର୍ଷ ପୂର୍ତ୍ତି  ପାଳନ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ଓଡ଼ିଶା ଗସ୍ତରେ ଆସୁଛନ୍ତି । ପ୍ରଧାନମନ୍ତ୍ରୀ ଏହି ଅବସରରେ ୧୯ ହଜାର କୋଟି ଟଙ୍କାର ବିଭିନ୍ନ ପ୍ରକଳ୍ପର ଶିଳାନ୍ୟାସ ଓ ଉଦ୍‌ଘାଟନ କରିବେ । ଏହା ସହ ୭୦ ବର୍ଷରୁ ଉର୍ଦ୍ଧ୍ୱ ବୟସ୍କଙ୍କୁ ବୟୋବନ୍ଦନା କାର୍ଡ ବଣ୍ଟନର ଶୁଭାରମ୍ଭ କରିବେ ବୋଲି ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି । ପ୍ରଧାନମନ୍ତ୍ରୀ ତ୍ରିରଙ୍ଗା ଶୋଭାଯାତ୍ରାରେ ଯୋଗଦେବା ସହ ଭୁବନେଶ୍ୱର ଜନତା ମଇଦାନରେ ସାଧାରଣ ସଭାକୁ ଉଦ୍‌ବୋଧନ ଦେବେ । ଏହି ଅବସରରେ ଶ୍ରୀ ମୋଦୀ ଓଡ଼ିଶା ଭିଜନ-୨୦୩୬ ଓ ୨୦୪୭ ପୁସ୍ତିକାକୁ ଉନ୍ମୋଚନ କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

ପ୍ରଧାନମନ୍ତ୍ରୀଙ୍କ ଗସ୍ତ ପୂର୍ବରୁ ଆଜି ଭୁବନେଶ୍ୱର ଜନତା ମଇଦାନରେ ସମସ୍ତ ପ୍ରସ୍ତୁତିକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ବରିଷ୍ଠ ଅଧିକାରୀଙ୍କ ସହ ତଦାରଖ କରିଛନ୍ତି ।

***HS/Jajpur/BHK***

# ଝାଡ଼ାବାନ୍ତି ସମୀକ୍ଷା

ରାଜ୍ୟରେ ଡାଇରିଆ ସ୍ଥିତି ନେଇ ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗଙ୍କ ଅଧ୍ୟକ୍ଷତାରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକ

ପରେ ଶ୍ରୀ ମହାଲିଙ୍ଗ କହିଛନ୍ତି , ଡାଇରିଆ ସ୍ଥିତି ନିୟନ୍ତ୍ରଣାଧୀନ ରହିଛି । ଆକ୍ରାନ୍ତଙ୍କ ସଂଖ୍ୟା ହ୍ରାସ ପାଇବାରେ ଲାଗିଛି ଏବଂ ଲୋକଙ୍କୁ ସଚେତନ କରିବା ପାଇଁ ସରକାର ସକ୍ରିୟ ଭାବେ କାର୍ଯ୍ୟ କରୁଛନ୍ତି ବୋଲି ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି ।

**- V/O -**

ରାଜ୍ୟରେ ଝାଡ଼ାବାନ୍ତି ସ୍ଥିତି ସମୀକ୍ଷା କରିବା ପାଇଁ ଏକ ରାଜ୍ୟସ୍ତରୀୟ ଟିମ୍ ଆଜି ତିନୋଟି ଜିଲ୍ଲା ଯାଜପୁର, କଟକ ଏବଂ ଭଦ୍ରକ ଗସ୍ତରେ ଯାଇଛନ୍ତି । ଏହି ଦଳ ଡାଇରିଆ ପ୍ରଭାବିତ ଜିଲ୍ଲାଗୁଡ଼ିକରେ ଏହାର ମୁକାବିଲା ଓ ନିରାକରଣ କାର୍ଯ୍ୟର ବିଭିନ୍ନ ଦିଗ ଅନୁଧ୍ୟାନ କରୁଛନ୍ତି ।

ଅନ୍ୟପକ୍ଷରେ, ଆଜି ଯାଜପୁର ଜିଲ୍ଲା ଗସ୍ତରେ ଯାଇ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଡାଇରିଆ ସ୍ଥିତିର ସମୀକ୍ଷା କରିଛନ୍ତି । ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଚିକିତ୍ସିତ ହେଉଥିବା ଆକ୍ରାନ୍ତଙ୍କୁ ଭେଟି ଶ୍ରୀ ସୁରଜ ସେମାନଙ୍କ ସ୍ୱାସ୍ଥ୍ୟବସ୍ଥା ପଚାରି ବୁଝିଛନ୍ତି । ସୂଚନାଯୋଗ୍ୟ, ଜିଲ୍ଲାର ୧୩ଟି ଡାକ୍ତରଖାନାରେ ୧୫୮ ଜଣ ରୋଗୀ ଚିକିତ୍ସିତ ହେଉଥିବା ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ମିଳିଛି । ଆସନ୍ତା ୨୪ ତାରିଖ ଗୁରୁବାର ପର୍ଯ୍ୟନ୍ତ ଜିଲ୍ଲାରେ ସ୍କୁଲ ଓ ଅଙ୍ଗନବାଡ଼ି କେନ୍ଦ୍ରକୁ ବନ୍ଦ ରଖିବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି ।

ଭଦ୍ରକ ଜିଲ୍ଲାରେ ଝାଡ଼ାବାନ୍ତି ସ୍ଥିତିର ସମୀକ୍ଷା ପାଇଁ କେନ୍ଦ୍ରୀୟ ଓ ରାଜ୍ୟ ପ୍ରତିନିଧି ଦଳ ପହଁଞ୍ଚିଛନ୍ତି । ଏହି ଦଳ ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟଙ୍କ

ସହ ପରିସ୍ଥିତି ସମ୍ପର୍କରେ ଆଲୋଚନା କରିବା ସହ ପୁରୁଣା ମୁଖ୍ୟ ଚିକିତ୍ସାଳୟରେ ପହଁଞ୍ଚି ଆକ୍ରାନ୍ତଙ୍କ ସ୍ୱାସ୍ଥ୍ୟବସ୍ଥା ପଚାରି ବୁଝିଛନ୍ତି । ଜିଲ୍ଲାରେ ବର୍ତ୍ତମାନ ୭୦ ଜଣ ବ୍ୟକ୍ତି ଅସୁସ୍ଥ ହୋଇ ଚିକିତ୍ସିତ ହେଉଥିବା ସିଡିଏମ୍ଓ କହିଛନ୍ତି ।

***Sambalpur***

## କୃଷି କଲେଜ ପ୍ରତିଷ୍ଠା

କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ’ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ସମ୍ବଲପୁରର ଚିପିଲିମାଠାରେ ଚାରୋଟି କୃଷି ସମ୍ପର୍କିତ କଲେଜ ପ୍ରତିଷ୍ଠା ପାଇଁ ପ୍ରସ୍ତାବ ଦେଇଛନ୍ତି । ଏ ନେଇ ଶ୍ରୀ ପ୍ରଧାନ ମୁଖ୍ୟମନ୍ତ୍ରୀଙ୍କୁ ଏକ ପତ୍ର ଲେଖିଛନ୍ତି । ସମ୍ବଲପୁରରେ କୃଷି କ୍ଷେତ୍ରରେ ବିକାଶ ପାଇଁ ସମାବେଶୀ ଏବଂ ଜ୍ଞାନଚାଳିତ ବିକାଶର ଆବଶ୍ୟକତା ରହିଛି । ଏହି ଚାରୋଟି କଲେଜ ପ୍ରତିଷ୍ଠା ହେବା ଦ୍ୱାରା ଜିଲ୍ଲାରେ କୃଷି ବଜାରମୁଖୀ ହେବା ସହ କୃଷି ବ୍ୟବସାୟ, ଯୋଗାଣ ଶୃଙ୍ଖଳା ପରିଚାଳନା, ଖାଦ୍ୟ ପ୍ରକ୍ରିୟାକରଣ କ୍ଷେତ୍ରରେ ଉନ୍ନତି ହେବା ସହ କୃଷକମାନଙ୍କ ଆୟ ବୃଦ୍ଧି ପାଇବାରେ ସହାୟକ ହେବ ବୋଲି ଶ୍ରୀ ପ୍ରଧାନ ପତ୍ରରେ ଉଲ୍ଲେଖ କରିଛନ୍ତି ।

***I&PR***

## ଉପମୁଖ୍ୟମନ୍ତ୍ରୀ– ୟୁକେ ପୂର୍ବତନ ପ୍ରଧାନମନ୍ତ୍ରୀ

ଉପମୁଖ୍ୟମନ୍ତ୍ରୀ ତଥା ଶକ୍ତିମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଆଜି ୟୁକେର ପୂର୍ବତନ ପ୍ରଧାନମନ୍ତ୍ରୀ ଟୋନି ବ୍ଲେୟାରଙ୍କୁ ଦିଲ୍ଲୀଠାରେ ଭେଟି ଶକ୍ତିକ୍ଷେତ୍ର ସମ୍ପର୍କିତ ବିଭିନ୍ନ ଦିଗ ଉପରେ ଆଲୋଚନା କରିଛନ୍ତି। ଏହି ଅବସରରେ ରାଜ୍ୟ ସରକାରଙ୍କ ଶକ୍ତି ବିଭାଗ, ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍ନୋଲୋଜି କାନପୁର ଏବଂ ଟୋନି ବ୍ଲେୟାର ଇନ୍‌ଷ୍ଟିଚ୍ୟୁଟ ଫର୍ ଗ୍ଲୋବାଲ ଚେଞ୍ଜ ମଧ୍ୟରେ ଏକ ତ୍ରିପାକ୍ଷିକ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି। ଶୂନ୍ୟ ଅଙ୍ଗାରକାମ୍ଳ ଲକ୍ଷ୍ୟ ପୂରଣ ପାଇଁ ଓଡ଼ିଶା ପ୍ରତିବଦ୍ଧ ଏବଂ ଅନ୍ତର୍ଜାତୀୟ ମାନଦଣ୍ଡ ସହ ସମନ୍ୱିତ ରଣନୈତିକ ଆଭିମୁଖ୍ୟ ଗ୍ରହଣ କରିବ ବୋଲି ଉପମୁଖ୍ୟମନ୍ତ୍ରୀ ଶ୍ରୀ ସିଂହଦେଓ କହିଛନ୍ତି।

***Desk***

## ପ୍ରଧାନମନ୍ତ୍ରୀ-ଓଡ଼ିଶା ପଟ୍ଟଚିତ୍ର

କ୍ରୋଏସିଆ ଗସ୍ତରେ ଥିବା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସେଠାକାର ରାଷ୍ଟ୍ରପତି ଜୋରାନ୍ ମିଲାନୋଭିଚ୍‌ଙ୍କୁ ଓଡ଼ିଶାର ସଂସ୍କୃତିର ପ୍ରତିଫଳନ ପଟ୍ଟଚିତ୍ର ପ୍ରଦାନ କରିଛନ୍ତି। ଏଥିପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପ୍ରଧାନମନ୍ତ୍ରୀଙ୍କୁ ଧନ୍ୟବାଦ ଜଣାଇଛନ୍ତି। ସାମାଜିକ ଗଣମାଧ୍ୟମ ପୋଷ୍ଟରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ପ୍ରଧାନମନ୍ତ୍ରୀଙ୍କ ଏଭଳି ପଦକ୍ଷେପ ଓଡ଼ିଶାର ସାଂସ୍କୃତିକ ଏବଂ ଆଧ୍ୟାତ୍ମିକ ପରମ୍ପରାକୁ ବିଶ୍ୱ ଦରବାରରେ ପହଁଞ୍ଚାଇପାରିଛି। ଏହା ପ୍ରତ୍ୟେକ ଓଡ଼ିଆଙ୍କ ପାଇଁ ଗର୍ବର ବିଷୟ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

*BBSR/R*

## ରାଜ୍ୟ– ଯୋଗଦିବସ

ରାଜ୍ୟରେ ଆସନ୍ତା ୨୧ ତାରିଖରେ ଅନ୍ତର୍ଜାତୀୟ ଯୋଗଦିବସ ପାଳନ କରାଯିବ। ଏଥିପାଇଁ ୧୪ଟି ଜିଲ୍ଲାରେ ୧୪ ଜଣ ମନ୍ତ୍ରୀଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଛି। ଭୁବନେଶ୍ୱରରେ ଆୟୋଜିତ ହେବାକୁ ଥିବା କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ କ୍ରୀଡ଼ା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଉପସ୍ଥିତ ରହିବେ। ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, କଟକରେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ, ପୁରୀରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଅନୁଷ୍ଠିତ ହେବାକୁ ଥିବା କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବେ। ଯେଉଁ ଜିଲ୍ଲା ପାଇଁ ମନ୍ତ୍ରୀମାନଙ୍କୁ ଦାୟିତ୍ୱ ଦିଆଯାଇନାହିଁ ସେଠାରେ ଜିଲ୍ଲାପାଳ ଯୋଗଦିବସର ଆୟୋଜନ କରିବା ସହ ସ୍ଥାନୀୟ ସାଂସଦ ଓ ବିଧାୟକମାନଙ୍କୁ ଯୋଗଦେବା ପାଇଁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି।

*Puri*

## ପୁରୀ- ରଥଯାତ୍ରା

ବିଶ୍ୱ ପ୍ରସିଦ୍ଧ ପୁରୀ ରଥଯାତ୍ରାର ସୁପରିଚାଳନା ନେଇ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ଅଧ୍ୟକ୍ଷତାରେ ଗଠିତ କମିଟି ଆଜି ରଥଯାତ୍ରାର ଶୃଙ୍ଖଳିତ ଆୟୋଜନ ନେଇ ସମୀକ୍ଷା କରିଛନ୍ତି। ଶ୍ରୀମତୀ ପରିଡ଼ାଙ୍କ ସମେତ କମିଟିର ଅନ୍ୟ ସଦସ୍ୟମାନେ ଆଜି ପୁରୀ ଗସ୍ତରେ ଆସି ତିନି ରଥର

ନିର୍ମାଣ ବ୍ୟବସ୍ଥାକୁ ଅନୁଧ୍ୟାନ କରିବା ପରେ ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟ ନିକଟରୁ ସିଂହଦ୍ୱାର ପର୍ଯ୍ୟନ୍ତ ରଥଯାତ୍ରା ପାଇଁ କରାଯାଇଥିବା ସମସ୍ତ ଆନୁଷଙ୍ଗିକ ବ୍ୟବସ୍ଥାର ଅନୁଧ୍ୟାନ କରିଛନ୍ତି। ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟରେ ଉଚ୍ଚସ୍ତରୀୟ କମିଟି, ଜିଲ୍ଲା ପ୍ରଶାସନ, ପୁଲିସ ପ୍ରଶାସନ ଏବଂ ଅଧିକାରୀମାନଙ୍କ ସହ ବିସ୍ତୃତ ଆଲୋଚନା କରାଯାଇଛି। ଅନ୍ୟପକ୍ଷରେ ପୁରୀ ମେଡିକାଲ ପରିସର ପରିଦର୍ଶନ କରିବା ସହ ସ୍ୱାସ୍ଥ୍ୟ ଅଧିକାରୀମାନଙ୍କ ସହିତ ଉଚ୍ଚସ୍ତରୀୟ କମିଟି ଆଲୋଚନା କରିଛନ୍ତି। ରଥଯାତ୍ରା ସମୟରେ ଅଧିକ ଡାକ୍ତର ନିୟୋଜିତ ହେବା ସହ ୭୪ ଆମ୍ବୁଲାନ୍ସ ବ୍ୟବସ୍ଥା କରାଯାଇଛି। ଏହି କମିଟିରେ ନଗର ଉନ୍ନୟନ ମନ୍ତ୍ରୀ, ପରିବହନ ମନ୍ତ୍ରୀ, ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ସମେତ ଆଇନ ବିଭାଗର ଶାସନ ସଚିବ ରହିଛନ୍ତି।

***Desk***

# ସିକିଲ୍ ସେଲ୍ ଦିବସ

ରକ୍ତହୀନତା ରୋଗର କାରଣ ଓ ନିରାକରଣ ପ୍ରତି ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଆଜି ବିଶ୍ୱ ସିକିଲ୍ ସେଲ୍ ବା ରକ୍ତଶିକୁଳୀ ଦିବସ ପାଳନ କରାଯାଉଛି । ଚଳିତବର୍ଷ ବିଶ୍ୱସ୍ତରୀୟ ଉଦ୍ୟମ; ଏହାର ସ୍ଥାନୀୟ ପ୍ରଭାବ ଏବଂ ସମାଜକୁ ଏ ନେଇ ଅଧିକାର ଦେବା ଶୀର୍ଷକ ନେଇ ଏହି ଦିବସ ପାଳନ କରାଯାଉଛି । ସୂଚନା ଅନୁସାରେ ସିକିଲ୍ ସେଲ୍ ଏକ ଗୁଣସୂତ୍ର

ଜନିତ ରୋଗ । ରକ୍ତଶିକୁଳୀ ସମ୍ପର୍କରେ ଆଜି ରାଜ୍ୟ ବିଭିନ୍ନ ସ୍ଥାନରେ ସଚେତନତା ମୂଳକ କାର୍ଯ୍ୟକ୍ରମାନ ଆୟୋଜନ କରାଯାଉଛି ।

*Nuapada/Ganjam/I&PR/Ganjam/Deogarh/Boudh (2)/*

## ବର୍ତ୍ତମାନ ଖବର ସଂକ୍ଷିପ୍ତରେ

- ଏମ୍ସ ଭୁବନେଶ୍ୱରରେ ଆଜି ବିଶ୍ୱ ରକ୍ତଶିକୁଳି ସମ୍ପର୍କିତ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କେନ୍ଦ୍ର ଜନଜାତି ବ୍ୟାପାର ମନ୍ତ୍ରୀ ଜୁଏଲ ଓରାମ ଯୋଗଦେଇ ରକ୍ତଶିକୁଳି କ୍ଷେତ୍ରରେ ଏମ୍ସ ଭୁବନେଶ୍ୱରକୁ ଉତ୍କର୍ଷତା କେନ୍ଦ୍ରର ମାନ୍ୟତା ପ୍ରଦାନ କରାଯିବ ବୋଲି କହିଛନ୍ତି ।
- ବୌଦ୍ଧ ଜିଲ୍ଲାରେ ରକ୍ତଶିକୁଳି ରୋଗ ସମ୍ପର୍କିତ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଜିଲ୍ଲା ମୁଖ୍ୟ ସ୍ୱାସ୍ଥ୍ୟ ଅଧିକାରୀ ଯୋଗଦେଇ ଏହି ରୋଗ ସମ୍ପର୍କରେ ଜନସାଧାରଣଙ୍କୁ ସଚେତନ କରାଇଥିଲେ ।
- ରାଜ୍ୟ ସରକାରଙ୍କ ଏକ ବର୍ଷ ପୂର୍ତ୍ତି ଉପଲକ୍ଷେ ଦେବଗଡ଼ ଜିଲ୍ଲାରେ ବିକାଶ ବାହନ ରଥ ବିଭିନ୍ନ ବ୍ଲକ ଓ ପଞ୍ଚାୟତ ପରିକ୍ରମା କରି ଲୋକଙ୍କୁ ସଚେତନ କରାଉଛନ୍ତି ।
- କୋରାପୁଟ ଜିଲ୍ଲା ପୁଲିସ ପରେଡ୍ ପଡ଼ିଆରେ ଜିଲ୍ଲାସ୍ତରୀୟ ବିକାଶ ମେଳା ଉଦ୍‌ଯାପିତ ହୋଇଯାଇଛି ।

- ଗଞ୍ଜାମ ଜିଲ୍ଲାରେ ସମ୍ଭାବ୍ୟ ବିପର୍ଯ୍ୟୟର ପ୍ରସ୍ତୁତିକୁ ନେଇ ଜିଲ୍ଲାର ୧୧୦ଟି ବାତ୍ୟା ଓ ବନ୍ୟା ଆଶ୍ରୟସ୍ଥଳୀରେ ମକ୍‌ଡ୍ରିଲ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି ।
- ନୂଆପଡ଼ା ଜିଲ୍ଲା ଖଡ଼ିଆଳ ବିଜ୍ଞପ୍ତିତ ଅଞ୍ଚଳ ପରିଷଦ କାର୍ଯ୍ୟାଳୟରେ ବିକାଶ ବାହନ ସଚେତନତା ରଥ ଶୁଭାରମ୍ଭ ହୋଇଯାଇଛି । ଏହି ରଥ ସରକାରଙ୍କ ବିଭିନ୍ନ ଯୋଜନାର ସୁଫଳ ସମ୍ପର୍କରେ ଜନସାଧାରଣଙ୍କୁ ସଚେତନ କରାଇବ ।
- ବୌଦ୍ଧ ଜିଲ୍ଲାପାଳଙ୍କ ସଦ୍‌ଭାବନା ସଭାଗୃହରେ ପ୍ରାକୃତିକ ପରିଚାଳନା ସମ୍ପର୍କିତ ପ୍ରସ୍ତୁତି ପାଇଁ ବୈଠକ ଅନୁଷ୍ଠିତ ହୋଇଯାଇଛି ।

**********************************